## ଆଜି ଅନୁଗୋଳ ଜିଲ୍ଲାରୁ ୧୨୭ ଜଣ କରୋନା ପଜିଟିଭ ଚିହ୍ନଟ ।

### ପଜିଟିଭ ସଂଖ୍ୟା ୩୯୬୮୦ ରେ ପହଞ୍ଚିଲା - ସୁସ୍ଥ ହେଲେ ୨୮୨ଜଣ ।

ଅନୁଗୋଳ, ତା.୨୦.୦୬:- ଆଜି ଅନୁଗୋଳ ଜିଲ୍ଲାରେ ୧୨୭ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ବଅଁରପାଳ ବ୍ଲକ୍ ଅଂଚଳରୁ ୨୮ଜଣ ( ୨୦ଜଣ ପୁରୁଷ ଓ ୮ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୨୮ଜଣ ( ୧୮ଜଣ ପୁରୁଷ ଓ ୧୦ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୭ଜଣ ( ୧୦ଜଣ ପୁରୁଷ ଓ ୭ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୧୨ଜଣ ( ୮ଜଣ ପୁରୁଷ ଓ ୪ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୧୦ଜଣ ( ୭ଜଣ ପୁରୁଷ ଓ ୩ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧୦ଜଣ (୯ ଜଣ ପୁରୁଷ ଓ ୧ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୬ଜଣ (୩ଜଣ ପୁରୁଷ ଓ ୩ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୫ଜଣ ( ୩ଜଣ ପୁରୁଷ ଓ ୨ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୫ଜଣ ( ୪ଜଣ ପୁରୁଷ ଓ ୧ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୩ଜଣ ( ୨ଜଣ ପୁରୁଷ ଓ ୧ଜଣ ମହିଳା) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୩ଜଣ (୨ ଜଣ ପୁରୁଷ ଓ ୧ ଜଣ ମହିଳା) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ୫୦ ଜଣଙ୍କୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୨୮୨ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୧୬୭ଜଣ ମୃତ୍ୟୁବରଣ କଲେଣି ଏବଂ ଆଜି ସୁଦ୍ଧା ୨ ଲକ୍ଷ ୨୧ହଜାର ୭୦୨ଜଣଙ୍କୁ ଟିକା ଦିଆଗଲାଣି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୩୬୬ ତା.୨୦.୦୬.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ